# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 26 July – 2025

************************************

## ମୁଖ୍ୟ ସମ୍ବାଦ

- ଭୁବନେଶ୍ୱରଠାରେ ଜାତୀୟ ଗରିମା କର୍ମଶାଳାକୁ ଉଦ୍‌ଘାଟନ କରି ପରିମଳ କର୍ମଚାରୀଙ୍କ ଲାଗି ୧୦ ଲକ୍ଷ ଟଙ୍କାର ବୀମାରାଶି ଘୋଷଣା କଲେ ମୁଖ୍ୟମନ୍ତ୍ରୀ
- ଭାରତୀୟ ସେନାର ଶୌର୍ଯ୍ୟ ଓ ପରାକ୍ରମକୁ ସ୍ମରଣ କରି ଆଜି ପାଳନ କରାଯାଉଛି ୨୬ତମ କାରଗିଲ୍ ବିଜୟ ଦିବସ
- 'ମନ୍ କି ବାତ୍' କାର୍ଯ୍ୟକ୍ରମରେ ଆସନ୍ତାକାଲି ଦେଶବାସୀଙ୍କ ସହ ଭାବବିନିମୟ କରିବେ ପ୍ରଧାନମନ୍ତ୍ରୀ

ଏବଂ

- ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅବପାତରେ ପରିଣତ; ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ନେଇ ସତର୍କ ସୂଚନା

*Desk*

# ଗରିମା କର୍ମଶାଳା

ପରିମଳ କର୍ମଚାରୀଙ୍କ ସୁରକ୍ଷା, ସମ୍ମାନ ଏବଂ ଅର୍ନ୍ତଭୁକ୍ତୀକରଣ ପାଇଁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଗୃହ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ଆୟୋଜିତ ଦୁଇଦିନିଆ ଜାତୀୟ ଗରିମା କର୍ମଶାଳାର ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ଗରିମା ଯୋଜନା ଜାତୀୟ ପରିମଳ ଲକ୍ଷ୍ୟକୁ ପୂରଣ କରିଛି। ସରକାର ପ୍ରତିବର୍ଷ ବଜେଟ୍‌ରେ ଏହି ଯୋଜନା ପାଇଁ ୫୦ କୋଟି ଟଙ୍କା ବ୍ୟୟବରାଦ କରୁଛନ୍ତି। ଗରିମା ଯୋଜନା ଉପରେ ଗୁରୁତ୍ୱାରୋପ କରି ମୁଖ୍ୟମନ୍ତ୍ରୀ କହିଛନ୍ତି...

**- V/O -**

ମୁଖ୍ୟମନ୍ତ୍ରୀ ଏହି ଅବସରରେ ସ୍ୱଚ୍ଛତା ଏବଂ ଉତ୍ତରଦାୟିତ୍ୱ ସହ ନିୟନ୍ତ୍ରିତ ପ୍ରମୁଖ ପରିମଳ କାର୍ଯ୍ୟ ତଥା ପରିମଳ କର୍ମଚାରୀଙ୍କ ସୁରକ୍ଷା ଓ ସମ୍ମାନକୁ ପ୍ରୋତ୍ସାହିତ କରିବା ପାଇଁ ୧୦ ଲକ୍ଷ ଟଙ୍କାର ବୀମାରାଶି ଘୋଷଣା କରିଛନ୍ତି। ଏହାସହ ପରିମଳ କର୍ମଚାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ବାସଗୃହ ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି। ଆସନ୍ତା ମାସ ୧୫ ତାରିଖରୁ ୩୦ ତାରିଖ ପର୍ଯ୍ୟନ୍ତ ୧୫ ଦିନ ଧରି ରାଜ୍ୟବ୍ୟାପୀ ଏକ ଜନସଚେତନତା କାର୍ଯ୍ୟକ୍ରମ ଆୟୋଜନ

କରାଯିବ। ପ୍ରତିବର୍ଷ ଗରିମା ଜାତୀୟ କର୍ମଶାଳା ଆୟୋଜନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ କାର୍ଯ୍ୟକ୍ରମରେ ଘୋଷଣା କରିଛନ୍ତି।

***Desk***

## କାର୍ଗିଲ ବିଜୟ ଦିବସ

ସମଗ୍ର ଦେଶରେ ଆଜି ୨୬ତମ କାର୍ଗିଲ ବିଜୟ ଦିବସ ପାଳନ କରାଯାଉଛି। ୧୯୯୯ ମସିହାରେ ୮୪ଦିନର ଯୁଦ୍ଧରେ ସାରା ବିଶ୍ୱ ଦେଖିଥିଲା ଭାରତୀୟ ସେନାର ଶୌର୍ଯ୍ୟ ଏବଂ ପରାକ୍ରମ। କାର୍ଗିଲ ଯୁଦ୍ଧରେ ପାକିସ୍ତାନକୁ ପରାଜିତ କରିଥିଲେ ଭାରତୀୟ ସେନା । ଏହି ଯୁଦ୍ଧରେ ୫୨୭ ଯବାନ ସହିଦ ହୋଇଥିବା ବେଳେ ୧ ହଜାର ୩୬୩ଜଣ ଆହତ ହୋଇଥିଲେ। ବୀର ଯବାନଙ୍କ ବଳିଦାନ ଯୋଗୁଁ କାର୍ଗିଲର ଟାଇଗର ଶୃଙ୍ଗରେ ତ୍ରିରଙ୍ଗା ଉଡ଼ାଇ ଭାରତୀୟ ସେନା ବିଜୟ ହାସଲ କରିଥିଲେ ।

ଶୁଣନ୍ତୁ ଏ ସମ୍ପର୍କିତ ଏକ ରିପୋର୍ଟ...

କାରଗିଲ୍ ବିଜୟ ଦିବସ ଅବସରରେ ଦେଶପାଇଁ ସର୍ବୋଚ୍ଚ ବଳିଦାନ ଦେଇଥିବା ସହିଦଙ୍କ ପ୍ରତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ରାଷ୍ଟ୍ରପତି କହିଛନ୍ତି, ଆଜିର ଦିବସ ଦେଶର ସୈନିକଙ୍କର ଅସାଧାରଣ ବୀରତ୍ୱ, ସାହସ ଏବଂ ଦୃଢ଼ ନିଷ୍ଠାର ପ୍ରତୀକ ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି, ଆଜିର ଦିନ ଭାରତମାତାର ସହିଦ୍ ବୀର ସନ୍ତାନମାନଙ୍କର ଅପୂର୍ବ ସାହସ ଓ ଶୌର୍ଯ୍ୟର ସ୍ମରଣ କରାଇଥାଏ ।

ପ୍ରତିରକ୍ଷାମନ୍ତ୍ରୀ ରାଜନାଥ ସିଂହ, କହିଛନ୍ତି କାରଗିଲ୍‌ର କଠିନ ପରିସ୍ଥିତିରେ ରାଷ୍ଟ୍ରର ସମ୍ମାନ ରକ୍ଷା ପାଇଁ ଭାରତୀୟ ସେନା ଅତ୍ୟନ୍ତ ସାହସ ଏବଂ ଦୃଢ଼ତା ପ୍ରଦର୍ଶନ କରିଥିଲେ ।

ଦ୍ରାସ୍‌ଠାରେ ୨୬ତମ କାରଗିଲ ବିଜୟ ଦିବସ ପାଳନ ଅବସରରେ ସେନାମୁଖ୍ୟ ଜେନେରାଲ ଉପେନ୍ଦ୍ର ଦ୍ୱିବେଦୀ କହିଛନ୍ତି, କାରଗିଲ ଯୁଦ୍ଧରେ ଭାରତୀୟ ସେନା' ପାକିସ୍ତାନର ଆତଙ୍କବାଦୀ ଭିତ୍ତିଭୂମିକୁ ନଷ୍ଟ କରିବା ସହ ଏକ ନିର୍ଣ୍ଣାୟକ ବିଜୟ ହାସଲ କରିଥିଲେ ।

**- V/O -**

ଦେଶ ମାତୃକାର ସୁରକ୍ଷା ପାଇଁ କାର୍ଗିଲ ଯୁଦ୍ଧରେ ସର୍ବୋଚ୍ଚ ବଳିଦାନ ଦେଇଥିବା ସମସ୍ତ ବୀର ଯବାନଙ୍କୁ ଭକ୍ତିଭୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ।

କାରଗିଲ୍ ବିଜୟ ବିଜୟ ଦିବସ ଭାରତୀୟ ସେନାର ଅଦ୍ୱିତୀୟ ବୀରତା, ଅତୁଟ ସାହସ ଓ ଜାତି ପ୍ରତି ଅସୀମ ନିଷ୍ଠାର ପ୍ରତୀକ ବୋଲି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି ।

*BHK/N.rangpur*

## ଜିଲ୍ଲା- କାର୍ଗିଲ ଦିବସ

ରାଜ୍ୟରେ ବିଭିନ୍ନ ସ୍ଥାନରେ କାର୍ଗିଲ ବିଜୟ ପାଳନ କରାଯାଉଛି ।

ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ନବରଙ୍ଗପୁରଠାରେ ଆୟୋଜିତ କାର୍ଗିଲ ବିଜୟ ଦିବସ  କାର୍ଯ୍ୟକ୍ରମରେ ଯୋଗ ଦେଇଛନ୍ତି । ଏହି ଦିବସ ଭାରତୀୟ ସେନାବାହିନୀର ତ୍ୟାଗ, ନିଷ୍ଠା ଓ ବଳିଦାନକୁ ସମ୍ମାନ ଜଣାଇବା ସହ ପ୍ରତ୍ୟେକ ଭାରତୀୟଙ୍କ ଗର୍ବ ଓ ଗୌରବର ପ୍ରତୀକ ବୋଲି ଶ୍ରୀ ପାତ୍ର କହିଛନ୍ତି ।

ଭଦ୍ରକ ଜିଲ୍ଲାରେ କାର୍ଗିଲ ବିଜୟ ଦିବସ ବିଭିନ୍ନ ସଂଘ ତଥା ସାମାଜିକ ସଂଗଠନ ପକ୍ଷରୁ ପାଳିତ ହୋଇଛି । ଏହି ଯୁଦ୍ଧରେ ସହିଦ ହୋଇଥିବା ଚାନ୍ଦବାଲି ବ୍ଲକ ଉତୁପୁଡ଼ା ପଞ୍ଚାୟତର ନିରଞ୍ଜନ ବେହେରାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରାଯାଇଛି ।

*Desk*

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୪ତମ ସଂସ୍କରଣ। 'ମନ୍ କୀ ବାତ୍' କାର୍ଯ୍ୟକ୍ରମ ଆକାଶବାଣୀ ଓ

ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

***Desk***

# ଜନଶୁଣାଣି

ଆସନ୍ତା ଜୁଲାଇ ୨୮ ତାରିଖ ସୋମବାର ଦିନ ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହେବ । ଏଥିଲାଗି ଏକହଜାର ଜଣ ଆବେଦନକାରୀ ଅନ୍‌ଲାଇନ୍ ଜରିଆରେ ନାମ ପଞ୍ଜିକରଣ କରିଛନ୍ତି । ସେହିଦିନ ସକାଳ ୮ଟାରୁ ଭୁବନେଶ୍ୱର ୟୁନିଟ୍-୨ ଅଶୋକନଗର ସ୍ଥିତ ପୂର୍ବତନ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ମୁଖ୍ୟମନ୍ତ୍ରୀ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରିବେ ।

***DHNKL***

# ଅଭିଯୋଗ କମିଟି

ଢେଙ୍କାନାଳ ଆଞ୍ଚଳିକ ପରିବହନ କାର୍ଯ୍ୟାଳୟରେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଗଠନ ନେଇ 'ସଖୀ ଓ୍ୱାନ୍ ଷ୍ଟପ୍ ସେଣ୍ଟର' ପକ୍ଷରୁ ସଚେତନତା ସଭା ଅନୁଷ୍ଠିତ ହୋଇଛି। ସଭାରେ ନାରୀ ନିର୍ଯାତନା ଆଇନ-୨୦୧୩ ଉପରେ ଆଲୋକପାତ କରି ଧାରା-୪ ଭାଗ (୧) ଅନୁସାରେ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଗଠନ ଉପରେ ଆଲୋଚନା ହୋଇଛି।

***Ganjam***

## ଖରିଫ ଚାଷ-ଜଳନିଷ୍କାସନ

ଗଞ୍ଜାମ ଜିଲ୍ଲା ପୋଲସରା ବ୍ଲକ ଅନ୍ତର୍ଗତ ଧନେଇ ଜଳଭଣ୍ଡାରରୁ ଖରିଫ ଚାଷ ପାଇଁ ପ୍ରଥମ ପର୍ଯ୍ୟାୟରେ ଜଳନିଷ୍କାସନ କରାଯାଇଛି। ଚାଷୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ଜଳଭଣ୍ଡାରର ଗଚ୍ଛିତ ଜଳକୁ ପର୍ଯ୍ୟାୟକ୍ରମେ ନିଷ୍କାସନ କରାଯିବାର ନିଷ୍ପତ୍ତି ନିଆଯାଇଛି। ବିଭିନ୍ନ ପାଣିପଞ୍ଚାୟତ ଅଧୀନରେ ଥିବା ସମସ୍ତ ଅନଧିକୃତ ଆଉଟଲେଟଗୁଡ଼ିକୁ ବନ୍ଦ କରି ଜଳବଣ୍ଟନ କରାଯିବା ନେଇ ବିଭାଗୀୟ ଅଧିକାରୀ ସୂଚନା ଦେଇଛନ୍ତି।

***Puri***

## ଖସାପଡ଼ା ଲାଗି

ଚଳିତମାସ ୨୮ ତାରିଖ ସୋମବାର ଶ୍ରାବଣ ଶୁକ୍ଲପକ୍ଷ ଚତୁର୍ଥୀ ତିଥିରେ ପୁରୀ ଶ୍ରୀମନ୍ଦିରରେ ଶ୍ରୀବିଗ୍ରହମାନଙ୍କର ଖସାପଡ଼ା ଲାଗି ନୀତି ଅନୁଷ୍ଠିତ ହେବ । ଦ୍ୱିତୀୟ ଭୋଗମଣ୍ଡପ ଭୋଗ ନୀତି ଶେଷ ହେବା ପରେ ଏହି ଗୁପ୍ତନୀତି ଅନୁଷ୍ଠିତ ହେବାକୁ ଥିବାରୁ ସେହିଦିନ ସଂଧ୍ୟା ୬ଟାରୁ ରାତି ୧୦ଟା, ୪ ଘଣ୍ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

***Ganjam***

## ସ୍ୱାଧୀନତା ଦିବସ ପାଳନ ବୈଠକ

ଗଞ୍ଜାମ ଜିଲ୍ଲାରେ ସ୍ୱାଧୀନତା ଦିବସ ପାଳନ ପାଇଁ ଭଞ୍ଜନଗର ଉପଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ଚଳିତ ବର୍ଷ ପରେଡ୍‌ରେ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିବା ସହ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହେବ । ଆସନ୍ତା ୧୨ ଓ ୧୩ ତାରିଖରେ ପରେଡ୍ ଅଭ୍ୟାସ, ସ୍ଥାନୀୟ ଜେଲ ଗ୍ରାଉଣ୍ଡ ଷ୍ଟାଡିୟମରେ କରିବା ପାଇଁ ସ୍ଥିର କରାଯାଇଛି ।

***Gajapati***

## ବାଲ୍ୟ ବିବାହ

ଗଜପତି ଜିଲ୍ଲା କାଶୀନଗର ବ୍ଲକ କାର୍ଯ୍ୟାଳୟରେ ଶିଶୁ ସୁରକ୍ଷା ଓ ବାଲ୍ୟ ବିବାହ ନିରୋଧ ସଚେତନତା ଶିବିର କାର୍ଯ୍ୟକ୍ରମ ଅନୁଷ୍ଠିତ

ହୋଇଛି। ଏହି କାର୍ଯ୍ୟକ୍ରମରେ ଶିଶୁ ସୁରକ୍ଷା ଓ ସେମାନଙ୍କ ଥଇଥାନ ବ୍ୟବସ୍ଥା, ବାଲ୍ୟ ବିବାହ ପ୍ରଥା ଉଚ୍ଛେଦ, 'ବେଟି ବଚାଓ, ବେଟିଓ ପଢ଼ାଓ', ଶିଶୁ ଶ୍ରମିକ ତଥା ଅନାଥ ଭିନ୍ନକ୍ଷମ ଶିଶୁଙ୍କ ଶିକ୍ଷା ଓ ଉନ୍ନତି ନିମନ୍ତେ ସଚେତନତା ସୃଷ୍ଟି କରିବା ପାଇଁ ଗ୍ରାମାଞ୍ଚଳ ସ୍ତରରେ ପଦକ୍ଷେପ ନେବା ପାଇଁ ଆଲୋଚନା ହୋଇଛି।

***BHK//HS***

# ପାଣିପାଗ

ଉତ୍ତର ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅବପାତରେ ପରିଣତ ହୋଇଛି । ଏହାର ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି। ପ୍ରବଳ ବର୍ଷା ନେଇ କେନ୍ଦୁଝର ଓ ମୟୂରଭଞ୍ଜ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଆସନ୍ତା ୫ ଦିନ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଛି ।

ପ୍ରବଳ ବର୍ଷା ଯୋଗୁଁ ବୈତରଣୀ ଓ ଜଳକା ନଦୀରେ ବନ୍ୟା ପରିସ୍ଥିତି ଦେଖିବାକୁ ମିଳିଛି। ଫଳରେ ଭଦ୍ରକ ଜିଲ୍ଲାରେ ଆଖୁଆପଦାଠାରେ ଜଳବନ୍ଦୀ ସ୍ଥିତି ଦେଖିବାକୁ ମିଳିଛି। ମୟୂରଭଞ୍ଜ ମୋରଡ଼ାରେ ଗତ ୨୪ ଘଣ୍ଟା ମଧ୍ୟରେ ସର୍ବାଧିକ ୧୮୨ ମିଲିମିଟର ବର୍ଷା ରେକର୍ଡ କରାଯାଇଛି।

ଚଳିତ ମୌସୁମୀ ଋତୁରେ ବର୍ତ୍ତମାନ ସୁଦ୍ଧା ୧୯ ପ୍ରତିଶତରୁ ଅଧିକ ବର୍ଷା ହୋଇଥିବା ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି ।

ପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି ଜଳବନ୍ଦୀ ପରିସ୍ଥିତି ସୃଷ୍ଟି ହେବା ସମ୍ଭାବନା ଥିବାରୁ ଆଜି କଟକ ଜିଲ୍ଲାର ସମସ୍ତ ସରକାରୀ ଅଧିକାରୀ ଓ କର୍ମଚାରୀଙ୍କୁ ମୁଖ୍ୟାଳୟରେ ଉପସ୍ଥିତ ରହିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି ।

ଆଜି ମଧ୍ୟାହ୍ନ ୧୨ଟା ସୁଦ୍ଧା ହୀରାକୁଦ ଜଳଭଣ୍ଡାରରୁ ୨୦ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି । ପ୍ରତି ସେକେଣ୍ଡରେ ଜଳଭଣ୍ଡାର ମଧ୍ୟକୁ ୫ ଲକ୍ଷ ୬୯୭ ଘନଫୁଟ ଜଳ ପ୍ରବେଶ କରୁଛି । ସେହି ସମୟ ମଧ୍ୟରେ ୩ ଲକ୍ଷ ୩୨ ହଜାର ୧୮୦ ଘନଫୁଟ ଜଳ ନିଷ୍କାସନ କରାଯାଉଛି ।